ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# କଟକ ସହରର ଅଧିକ ସୌନ୍ଦର୍ଯ୍ୟକରଣ କରାଯିବ

: ମନ୍ତ୍ରୀ ଶ୍ରୀ ପ୍ରତାପ ଜେନା

ଭୁବନେଶ୍ୱର, ୦୧ ଫେବୃଆରୀ ୨୦୨୦

ଆଜି ପୂର୍ବାହ୍ନରେ ପଞ୍ଚାୟତିରାଜ ଓ ପାନୀୟ ଜଳ, ଗୃହ ନିର୍ମାଣ ଓ ନଗର ଉନ୍ନୟନ, ଆଇନ ମନ୍ତ୍ରୀ ଶ୍ରୀ ପ୍ରତାପ ଜେନାଙ୍କ ଅଧକ୍ଷତାରେ କଟକ ସହରର ଅଧିକ ସୌନ୍ଦର୍ଯ୍ୟକରଣ ଉପରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । କଟକର ମୁଖ୍ୟ ରାସ୍ତାଗୁଡ଼ିକ ଯଥା–ମଧୁପାଟଣାଠାରୁ ବାଦାମବାଡ଼ି ରାସ୍ତା, କଟକ ରେଲ୍‌ୱେ ଷ୍ଟେସନ୍‌ଠାରୁ ରେଭେନ୍ସା କଲେଜ, ମଙ୍ଗଳାବାଗ୍ ରୋଡ୍, ଜୋବ୍ରା ରୋଡ୍ ଓ ସତୀଚଉରା ରୋଡ୍‌ଗୁଡ଼ିକର ପ୍ରଶସ୍ତିକରଣ ଓ ଉନ୍ନତିକରଣ କାର୍ଯ୍ୟ ସହିତ ବୃକ୍ଷରୋପଣ, ଆଲୋକୀକରଣ, ପରିମଳ ବ୍ୟବସ୍ଥା ଆଦି କାର୍ଯ୍ୟକୁ ଅତ୍ୟାଧୁନିକ ପଦ୍ଧତିରେ କରାଯାଇ ସହରକୁ ସ୍ମାର୍ଟ ସିଟି କରିବା ଉପରେ ମନ୍ତ୍ରୀ ଶ୍ରୀ ଜେନା ଗୁରୁତ୍ୱାରୋପ କରିଥିଲେ । ଏଥି ସହିତ କଟକ ସହରରେ ସପିଙ୍ଗ୍ ପ୍ଲାଜା, ବିବାହ ମଣ୍ଡପ ଇତ୍ୟାଦି ନିର୍ମାଣ ସଂପର୍କରେ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେଇଥିଲେ ।

ଏହି ବୈଠକରେ କଟକ ଜିଲ୍ଲାପାଳ ଶ୍ରୀ ଭବାନୀ ଶଙ୍କର ଚଇନି, କଟକ ମହାନଗର ନିଗମ କମିଶନର ଶ୍ରୀମତୀ ଅନନ୍ୟା ଦାସ, ନିର୍ବାହୀ ଅଧିକାରୀ ଶ୍ରୀ ରମେଶ କୁମାର ମହାନ୍ତି, ପୂର୍ବତନ କର୍ପୋରେଟର ଶ୍ରୀ ରଞ୍ଜନ କୁମାର ବିଶ୍ୱାଳ, ସି.ଡି.ଏର ଆଇନ ଅଧିକାରୀ ଶ୍ରୀ ଜ୍ଞାନଚନ୍ଦ୍ର ପ୍ରସାଦ ସାମଲ, ମହମ୍ମଦ ଏ ଅଲ୍ଲୀ ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ